ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୫୩ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୩୦୫୪ରେ ପହଞ୍ଚିଲା - ସୁସ୍ଥ ହେଲେ ୩୨ ଜଣ ।

ଅନୁଗୋଳ, ତା.୧୭.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୫୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୬୨ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୧୨ଜଣ ( ୮ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭ଜଣ ( ୫ଜଣ ପୁରୁଷ ଓ୨ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୭ଜଣ (୪ ଜଣ ପୁରୁଷ ଓ ୩ଜଣ ମହିଳା), ବଣଁରପାଳ ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ) , ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ଜଣ ପୁରୁଷ ।) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । କରୋନା ସଂକ୍ରମଣ ଦିନକୁ ଦିନ ବୃଦ୍ଧି ପାଉଥିବାରୁ ଆମେ ସଚେତନ ଓ ସତର୍କ ରହିବା ସହିତ ସଠିକ୍ ଭାବରେ ମାସ୍କ ପରିଧାନ,ସାମାଜିକ ଦୂରତା ଅବଲମ୍ବନ ଓ ନିୟମିତ ହାତ ଧୋଇବା ବର୍ତ୍ତମାନ ସମୟର ସବୁଠାରୁ ବଡ ଆବଶ୍ୟକତା ବୋଲି ଜିଲ୍ଲାପାଳ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୩୨ଜଣ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୬୬ ତା.୧୭.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ